# ଆଜି ଅନୁଗୋଳ ଜିଲ୍ଲାରୁ ୩୦ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୬୧୦ ରେ ପହଞ୍ଚିଲା - ସୁସ୍ଥ ହେଲେ ୨୮ ଜଣ ।

ଅନୁଗୋଳ, ତା,୨୦.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୩୦ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୦୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୮ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ ଜଣ (୩ଜଣ ପୁରୁଷ ଓ୪ ଜଣ ମହିଳା), ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩ଜଣ ( ୧ଜଣ ପୁରୁଷ ଓ ୨ଜଣ ମହିଳା) ଓ ଅନୁଗୋଳ ପୌରାଞ୍ଚଳରୁ ୧ଜଣ (୧ ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।। ଆଜି ପାଲଲହଡା ବ୍ଲକ୍ ,ତାଳଚେର ପୌରାଞ୍ଚଳ,କିଶୋରନଗର ବ୍ଲକ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୨୮ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୩ଜଣ କୋଭିଡ ହସପିଟାଲରୁ ଓ ୨୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୮୨୭ ତା.୨୦.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

(signature) ୨୦/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ